ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/SME(OD)/76/22-06-2026

## SHVR ୨୦୨୫-୨୬ ରେ ଓଡ଼ିଶାର ୧୦ ବିଦ୍ୟାଳୟକୁ ଜାତୀୟ ମାନ୍ୟତା

ଭୁବନେଶ୍ୱର, ୨୨ ଜୁନ ୨୦୨୬:

ଭାରତ ସରକାରଙ୍କ ସ୍ୱଚ୍ଛ ଏବଂ ହରିତ୍ ବିଦ୍ୟାଳୟ ମୂଲ୍ୟାଙ୍କନ (SHVR) ୨୦୨୫-୨୬ ପୁରସ୍କାର ନିମନ୍ତେ ବିଦ୍ୟାଳୟ ଓ ଗଣଶିକ୍ଷା ଅଧିନରେ ଥିବା ୧୦ ଟି ବିଦ୍ୟାଳୟକୁ ଚୟନ କରାଯାଇଛି । ଓଡ଼ିଶାର ପ୍ରାୟ ୨୦ ଟି ବିଦ୍ୟାଳୟକୁ ଜାତୀୟସ୍ତରୀୟ ମୂଲ୍ୟାଙ୍କନ ପାଇଁ ନୋମିନେଟ୍ କରାଯାଇଥିଲା, ଯେଉଁଥିରୁ ୧୦ ଟି ବିଦ୍ୟାଳୟକୁ SHVR ୨୦୨୫-୨୬ ଅନ୍ତର୍ଗତ ଜାତୀୟ ପୁରସ୍କାର ଏବଂ ସ୍ୱୀକୃତି ପାଇଁ ମନୋନୀତ କରାଯାଇଛି ।

ସ୍ୱଚ୍ଛ ଏବଂ ହରିତ୍ ବିଦ୍ୟାଳୟ ମୂଲ୍ୟାଙ୍କନ ବା SHVR ମୁଖ୍ୟତଃ ପରିମଳ ଏବଂ ପରିଚ୍ଛନ୍ନତା, ନିରାପଦ ପାନୀୟ ଜଳର ଉପଲବ୍ଧତା, ସବୁଜିମା ଏବଂ ଜୈବ ବିବିଧତା, ବର୍ଜ୍ୟବସ୍ତୁ ପରିଚାଳନା  ଅଭ୍ୟାସ ଭଳି ପ୍ରମୁଖ ମାନଦଣ୍ଡ ଉପରେ ବିଦ୍ୟାଳୟଗୁଡ଼ିକୁ ମୂଲ୍ୟାଙ୍କନ କରେ । ଏହି ପଦକ୍ଷେପ ବିଦ୍ୟାଳୟଗୁଡ଼ିକୁ ଛାତ୍ରଛାତ୍ରୀଙ୍କ ସୁସ୍ଥ ସ୍ୱାସ୍ଥ୍ୟକୁ ସୁନିଶ୍ଚିତ କରିବା ସହିତ ପରିବେଶ ସୁରକ୍ଷା ଦିଗରେ ଦାୟିତ୍ୱପୂର୍ଣ୍ଣ ଅଭ୍ୟାସଗୁଡ଼ିକୁ ଗ୍ରହଣ କରିବାକୁ ଉତ୍ସାହିତ କରିଥାଏ ।

ଏହି ଜାତୀୟସ୍ତରୀୟ ମାନ୍ୟତା ଓଡ଼ିଶାର ଶିକ୍ଷକଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ, ସ୍କୁଲ ପରିଚାଳନା କମିଟି ଏବଂ ସ୍ଥାନୀୟ ସମ୍ପ୍ରଦାୟର ମିଳିତ ପ୍ରୟାସକୁ ପ୍ରତିଫଳିତ କରୁଛି । ଏହି ସ୍ୱୀକୃତି ପାଇବା ପରେ ବିଦ୍ୟାଳୟସ୍ତରରେ ପରିବେଶ ସୁରକ୍ଷାର ବାର୍ତ୍ତା ପହଞ୍ଚାଇବାରେ ଓଡ଼ିଶା ଏକ ଅଗ୍ରଣୀ ରାଜ୍ୟ ଭାବରେ ଉଭା ହେବ । ସୂଚନାଯୋଗ୍ୟ, ଜାତୀୟସ୍ତରରେ ୨୯ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରୁ ୧୯୧ ସ୍କୁଲକୁ SHVR ୨୦୨୫-୨୬ ଅଧୀନରେ ପୁରସ୍କାର ପାଇଁ ମନୋନୀତ କରାଯାଇଛି । ପ୍ରତ୍ୟେକ ବିଜେତା ବିଦ୍ୟାଳୟକୁ ୧ ଲକ୍ଷ ଟଙ୍କା ନଗଦ ପୁରସ୍କାର, ସ୍ୱୀକୃତି ପ୍ରମାଣପତ୍ର ଏବଂ ତିନି ଦିନିଆ ଏକ୍ସପୋଜର ପରିଦର୍ଶନରେ ଅଂଶଗ୍ରହଣ କରିବାର ସୁଯୋଗ ମିଳିବ ।

ରୋଜାଲିନ୍ ସାହୁ
ଲୋକସମ୍ପର୍କ ଅଧିକାରୀ
ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ